# REGIONAL NEWS UNIT, AIR CUTTACK

## Morning Bulletin (7.05 AM)

**26th February - 2026**

***********************************

*Desk*

## ପ୍ରଧାନମନ୍ତ୍ରୀ ନେସେଟ୍ ମେଡାଲ୍

ପ୍ରଧାମନ୍ତ୍ରୀ ନରେନ୍ଦ୍ର ମୋଦୀଙ୍କୁ ଇସ୍ରାଏଲ ସଂସଦର ସର୍ବୋଚ୍ଚ ସମ୍ମାନ 'ସ୍ପିକର ଅଫ୍ ଦ ନେସେଟ୍ ମେଡାଲ'ରେ ସମ୍ମାନିତ କରାଯାଇଛି । ସାମାଜିକ ଗଣମାଧ୍ୟମ ପୋଷ୍ଟରେ ଶ୍ରୀ ମୋଦୀ କହିଛନ୍ତି ଏହି ସମ୍ମାନ କେବଳ ଜଣେ ବ୍ୟକ୍ତିଙ୍କ ପ୍ରତି ଉଦ୍ଦିଷ୍ଟ ନୁହେଁ ବରଂ ଭାରତ-ଇସ୍ରାଏଲ ବନ୍ଧୁତ୍ୱ ଲାଗି ସମର୍ପିତ ।

ଭାରତର ପ୍ରଧାନମନ୍ତ୍ରୀ ପ୍ରଥମ ନେତା ଭାବେ ଇସ୍ରାଏଲ ସଂସଦ ନେସେଟ୍‌ର ଏହି ସର୍ବୋଚ୍ଚ ସମ୍ମାନ ଗ୍ରହଣ କରିଛନ୍ତି । ପ୍ରଧାନମନ୍ତ୍ରୀ ଶ୍ରୀ ମୋଦୀ ଇସ୍ରାଏଲ ସଂସଦକୁ ସମ୍ବୋଧନ କରିବା ପରେ ନେସେଟ୍‌ର ବାଚସ୍ପତି ଅମିର୍ ଓହାନା ତାଙ୍କୁ ଏହି ସମ୍ମାନ ପ୍ରଦାନ କରିଥିଲେ ।

*BBSR/R*

## ଜଗନ୍ନାଥ ମନ୍ଦିର ପ୍ରତିଷ୍ଠା

ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ ଉତ୍ତର ପ୍ରଦେଶର ପ୍ରୟାଗରାଜଠାରେ ଶ୍ରୀଜଗନ୍ନାଥ ମନ୍ଦିରର ଉଦ୍‌ଘାଟନ କରିଛନ୍ତି । ଏହି ଅବସରରେ ଶ୍ରୀ ମାଝୀ

କହିଛନ୍ତି, ଏହା କେବଳ ସ୍ଥାପତ୍ୟର ଶୁଭାରମ୍ଭ ନୁହେଁ, ବରଂ ଆସ୍ଥା, ସଂସ୍କୃତି ଏବଂ ଆଧ୍ୟାତ୍ମିକ ଚେତନାର ପୁନଃଜାଗରଣ । ପ୍ରାୟାଗରାଜରେ ଏହି ମନ୍ଦିର ପ୍ରତିଷ୍ଠାଦ୍ୱାରା ଉତ୍ତର ଓ ପୂର୍ବ ଭାରତ ମଧ୍ୟରେ ଏକ ସୁଦୃଢ଼ ଆଧ୍ୟାତ୍ମିକ ସେତୁ ପ୍ରତଷ୍ଠା ହୋଇଛି ବୋଲି ମୁଖ୍ୟମନ୍ତ୍ରୀ କହିଛନ୍ତି ।

***Desk***

# ରାଜପଥ ପ୍ରକଳ୍ପ - ସମୀକ୍ଷା

ଓଡ଼ିଶାରେ ଜାତୀୟ ରାଜପଥ ପ୍ରକଳ୍ପଗୁଡ଼ିକର ଅଗ୍ରଗତି ନେଇ ଏକ ଉଚ୍ଚସ୍ତରୀୟ ସମୀକ୍ଷା ବୈଠକ ଭୁବନେଶ୍ୱରଠାରେ ଅନୁଷ୍ଠିତ ହୋଇଯାଇଛି । ପୂର୍ତ୍ତ ମନ୍ତ୍ରୀ ପୃଥ୍ୱୀରାଜ ହରିଚନ୍ଦନ ଓ ରାଜସ୍ୱ ମନ୍ତ୍ରୀ ସୁରେଶ ପୂଜାରୀଙ୍କ ଅଧ୍ୟକ୍ଷତାରେ ଆୟୋଜିତ ବୈଠକରେ ୧୪ଟି ଜାତୀୟ ରାଜପଥ ପ୍ରକଳ୍ପର ଅଗ୍ରଗତି ନେଇ ସମୀକ୍ଷା କରାଯାଇଥିଲା । ଏହାସହ ଇନ୍ଦ୍ରାବତୀ, ନାଗାବଳୀ ଓ ତେଲ ନଦୀ ଉପରେ ସେତୁ ନିର୍ମାଣ ପ୍ରକଳ୍ପ ସମ୍ପର୍କରେ ମଧ୍ୟ ସମୀକ୍ଷା ହୋଇଥିଲା । ବୈଠକରେ ଧାର୍ଯ୍ୟ ସମୟସୀମା ମଧ୍ୟରେ ପ୍ରକଳ୍ପ କାର୍ଯ୍ୟ ତ୍ୱରାନ୍ୱିତ କରିବାକୁ ଗୁରୁତ୍ୱ ପ୍ରଦାନ କରାଯାଇଥିଲା ।

***BBSR/R***

# ମହାନଦୀ ଜଳବିବାଦ ସଦସ୍ୟ

ମହାନଦୀ ଜଳବିବାଦ ପ୍ରାଧିକରଣର ସଦସ୍ୟ ମହାନଦୀ କ୍ଷେତ୍ର ପରିଦର୍ଶନପାଇଁ ଆଜିଠାରୁ ଓଡ଼ିଶା ଗସ୍ତରେ ଆସିବାର କାର୍ଯ୍ୟସୂଚୀ ରହିଛି । ପ୍ରାଧିକରଣର ଅଧ୍ୟକ୍ଷ ଜଷ୍ଟିସ୍ ବେଲା ଏମ୍. ତ୍ରିବେଦୀଙ୍କ ସହ ଅନ୍ୟ ୨ ଜଣ ସଦସ୍ୟ ଓଡ଼ିଶା ଗସ୍ତରେ ଆସୁଛନ୍ତି । ଏହି ପ୍ରତିନିଧି ଦଳ ହୀରାକୁଦ ଜଳଭଣ୍ଡାର, ବୁର୍ଲା ପାୱାର୍ ହାଉସ୍, ଚିଲିକା, ସାତପଡ଼ା ଆଦି ସ୍ଥାନ ଗସ୍ତ କରିବେ ବୋଲି ଆମ ସମ୍ବାଦଦାତା ଜଣାଇଛନ୍ତି ।

***IPR***

# ବସ୍ତି ବିକାଶ

କଟକ ସହରର ପୁରାତନ ବସ୍ତିଗୁଡ଼ିକର ବିକାଶ ପାଇଁ ଏକ ସ୍ୱତନ୍ତ୍ର ନିୟମାବଳୀ କାର୍ଯ୍ୟକାରୀ ହେଉଛି । ନୂତନ ନିୟମ କଟକର ୪୩ଟି ପୁରାତନ ୱାର୍ଡ଼ରେ କାର୍ଯ୍ୟକାରୀ ହେଉଛି । ଏଥିରେ ପୁରାତନ ଅଞ୍ଚଳର ସଙ୍କୀର୍ଣ୍ଣ ରାସ୍ତା ଓ ଛୋଟ ଜମିକୁ ଦୃଷ୍ଟିରେ ରଖି ଓଡ଼ିଶା ବିକାଶ କର୍ତ୍ତୃପକ୍ଷ ନିୟମ, ୨୦୨୦କୁ କୋହଳ କରାଯାଇଛି । କ୍ଷୁଦ୍ର ଆବାସିକ ପ୍ଲଟ୍ ପାଇଁ ସର୍ବନିମ୍ନ ରାସ୍ତାର ଓସାର ସାଢ଼େ ୪ ମିଟରକୁ ହ୍ରାସ କରାଯାଇଛି ।

*IPR*

## ଶିଶୁ ବିକାଶ - ସମୀକ୍ଷା

ରାଜ୍ୟ ମହିଳା ଓ ଶିଶୁ ବିକାଶ ବିଭାଗର ବିଭିନ୍ନ ଯୋଜନା ଓ କାର୍ଯ୍ୟକ୍ରମର ଅଗ୍ରଗତି ନେଇ ସମୀକ୍ଷା ବୈଠକ ଅନୁଷ୍ଠିତ ହୋଇଯାଇଛି । ବୈଠକରେ କେନ୍ଦ୍ରମନ୍ତ୍ରୀ ଅନ୍ନପୂର୍ଣ୍ଣା ଦେବୀ ଯୋଗଦେଇ କହିଛନ୍ତି, ନାଗରିକ ଓ ସରକାରଙ୍କ ମଧ୍ୟରେ ସମନ୍ୱିତ ପ୍ରୟାସ, ରାଜ୍ୟରୁ ଅପପୁଷ୍ଟି ଦୂର କରିବାରେ ସହାୟକ ହୋଇପାରିବ । ଅଙ୍ଗନୱାଡ଼ି କେନ୍ଦ୍ରଗୁଡ଼ିକରେ ତିଥି ଭୋଜନ ଆୟୋଜନ ତଥା ପୋଷଣ ସପ୍ତାହ ପାଳନ କରିବାକୁ ସେ ପରାମର୍ଶ ଦେଇଛନ୍ତି । ବୈଠକରେ ଉପମୁଖ୍ୟମନ୍ତ୍ରୀ ପ୍ରଭାତୀ ପରିଡ଼ା ଆସନ୍ତା ୮ ତାରିଖ ଦିନ ଅନ୍ତର୍ଜାତୀୟ ମହିଳା ଦିବସ ଅବସରରେ ସୁଭଦ୍ରା ଯୋଜନାର ଚତୁର୍ଥ କିସ୍ତି ପ୍ରଦାନ ନେଇ ସୂଚନା ଦେଇଛନ୍ତି ।

*IPR*

## ଶିଳ୍ପାୟନ ପ୍ରକ୍ରିୟା

ରାଜ୍ୟରେ ଶିଳ୍ପାୟନ ପ୍ରକ୍ରିୟାକୁ ତ୍ୱରାନ୍ୱିତ କରିବାପାଇଁ ଶିଳ୍ପମନ୍ତ୍ରୀ ସମ୍ପଦ ଚନ୍ଦ୍ର ସ୍ୱାଇଁ ବିଭାଗୀୟ କାର୍ଯ୍ୟର ବିସ୍ତୃତ ସମୀକ୍ଷା କରିଛନ୍ତି । ରାଜ୍ୟରେ ଆସନ୍ତା ଜୁନ୍ ମାସ ସୁଦ୍ଧା ୩ ଲକ୍ଷ କୋଟିରୁ ଊର୍ଦ୍ଧ୍ୱ ଟଙ୍କାର ପୁଞ୍ଜିନିବେଶ ପ୍ରକଳ୍ପର ଉଦ୍‌ଘାଟନ ଓ ଭିତ୍ତିପ୍ରସ୍ତର ସ୍ଥାପନ ପାଇଁ କାର୍ଯ୍ୟ ତ୍ୱରାନ୍ୱିତ କରିବାକୁ ବିଭାଗୀୟ ଅଧିକାରୀମାନଙ୍କୁ ମନ୍ତ୍ରୀ ନିର୍ଦ୍ଦେଶ ଦେଇଛନ୍ତି ।

*Desk*

# ପି.ଏମ୍. ରାହତ୍

ରାଜ୍ୟରେ ସଡ଼କ ଦୁର୍ଘଟଣାଜନିତ ମୃତ୍ୟୁହାର ହ୍ରାସ କରିବା ଏବଂ ଦୁର୍ଘଟଣାଗ୍ରସ୍ତ ବ୍ୟକ୍ତିଙ୍କୁ ତୁରନ୍ତ ଚିକିତ୍ସା ସେବା ଯୋଗାଇଦେବା ଲକ୍ଷ୍ୟରେ 'ପି.ଏମ୍. ରାହତ୍' ଯୋଜନା କାର୍ଯ୍ୟକାରୀ ହେବ । ମୁଖ୍ୟ ଶାସନ ସଚିବ ଅନୁ ଗର୍ଗଙ୍କ ଅଧ୍ୟକ୍ଷତାରେ ଏ ସମ୍ପର୍କରେ ଏକ ବୈଠକ ଅନୁଷ୍ଠିତ ହୋଇଯାଇଛି । ବୈଠକରେ ଯୋଜନାକୁ ସ୍ୱଚ୍ଛ ଓ ତ୍ୱରାନ୍ୱିତ କରିବା ନେଇ ଆଲୋଚନା ହୋଇଥିଲା । ଯୋଜନାରେ ସଡ଼କ ଦୁର୍ଘଟଣାର ୨୪ ଘଣ୍ଟା ମଧ୍ୟରେ ହସ୍ପିଟାଲ୍‌ରେ ଭର୍ତ୍ତି ହୋଇଥିବା ବ୍ୟକ୍ତିଙ୍କୁ ଦେଢ଼ ଲକ୍ଷ ଟଙ୍କା ପର୍ଯ୍ୟନ୍ତ ମାଗଣା ଚିକିତ୍ସା ସୁବିଧା ଉପଲବ୍ଧ ହେବ ।

***Koraput, Nayagarh(2), Ganjam, Kendrapara, Dhenkanal, Bolangir, Nabarangpur, Malkangiri/R***

# ଏଥର କିଛି ସମ୍ବାଦ ସଂକ୍ଷେପରେ....

କୋରାପୁଟ ଜିଲ୍ଲା କୋଟପାଡ଼ ଦଶହରା ପଡ଼ିଆଠାରେ ବିକଶିତ ଭାରତ ଗ୍ୟାରେଣ୍ଟି ରୋଜଗାର ଏବଂ ଜୀବିକା ମିଶନ (ଗ୍ରାମୀଣ) ଯୋଜନାକୁ ନେଇ ଏକ ସଚେତନତା ସଭା ଅନୁଷ୍ଠିତ ହୋଇଯାଇଛି । କାର୍ଯ୍ୟକ୍ରମରେ ପଞ୍ଚାୟତିରାଜ ମନ୍ତ୍ରୀ ରବିନାରାୟଣ ନାଏକ ଏବଂ ଗଣଶିକ୍ଷା ମନ୍ତ୍ରୀ ନିତ୍ୟାନନ୍ଦ ଗଣ୍ଡ ଯୋଜନାର କାର୍ଯ୍ୟକାରିତା ସମ୍ପର୍କରେ ଆଲୋକପାତ କରିଥିଲେ ।

ନୟାଗଡ଼ ଜିଲ୍ଲାରେ ଧାନକ୍ରୟ ପ୍ରକ୍ରିୟା ସମ୍ପର୍କରେ ଖାଦ୍ୟ ଯୋଗାଣ ମନ୍ତ୍ରୀ କୃଷ୍ଣଚନ୍ଦ୍ର ପାତ୍ରଙ୍କ ଅଧ୍ୟକ୍ଷତାରେ ଏକ ସମୀକ୍ଷା ବୈଠକ ଅନୁଷ୍ଠିତ ହୋଇଯାଇଛି ।

ଯୁକ୍ତରାଷ୍ଟ୍ର ଆମେରିକାର ଏକ ପ୍ରତିନିଧି ମଣ୍ଡଳୀ ଗଞ୍ଜାମ ଜିଲ୍ଲା ଗସ୍ତରେ ଆସି ଜିଲ୍ଲାର ଚିଙ୍ଗୁଡ଼ି ଜାଆଁଳ ଉତ୍ପାଦନ କେନ୍ଦ୍ର ଓ କ୍ଷାରଜଳ ଚାଷ ଅଞ୍ଚଳ ବୁଲି ଦେଖିଛନ୍ତି ।

କେନ୍ଦ୍ରାପଡ଼ା ସାନ୍ଧ୍ୟ ସ୍ନାତକ ମହାବିଦ୍ୟାଳୟଠାରେ ଜିଲ୍ଲାସ୍ତରୀୟ ଯୁବ ସଂସଦ କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଯାଇଛି । ଜିଲ୍ଲାପାଳ ରଘୁରାମ୍ ଆର୍. ଆୟାର୍ ବିକଶିତ ଭାରତ ଏବଂ ଯୁବ ନେତୃତ୍ୱ ସମ୍ପର୍କରେ ଆଲୋଚନା କରିଥିଲେ ।

ଢେଙ୍କାନାଳ ଜିଲ୍ଲାପାଳଙ୍କ କାର୍ଯ୍ୟାଳୟ ସଦ୍‌ଭାବନା ସଭାଗୃହଠାରେ ଆକାଂକ୍ଷୀ ଜିଲ୍ଲା ଓ ବ୍ଲକ୍ କାର୍ଯ୍ୟକ୍ରମରେ ସମୀକ୍ଷା ବୈଠକ ଅନୁଷ୍ଠିତ ହୋଇଯାଇଛି ।

ଓଡ଼ିଶା ରାଜ୍ୟ ଖାଦ୍ୟ ଆୟୋଗର ଅଧ୍ୟକ୍ଷ ଅବନୀକାନ୍ତ ସାହୁ ନୟାଗଡ଼ ଜିଲ୍ଲା ଗସ୍ତରେ ଯାଇ ଜିଲ୍ଲା ମୁଖ୍ୟ ଚିକିତ୍ସାଳୟ ବୁଲିବା ସହ ବିଭିନ୍ନ ବିଦ୍ୟାଳୟରେ ମଧ୍ୟାହ୍ନ ଭୋଜନର ମାନ ଯାଞ୍ଚ୍ କରିଛନ୍ତି ।

ବଲାଙ୍ଗିର ବନଖଣ୍ଡ ଓ ରାଜ୍ୟ ଔଷଧୀୟ ଉଦ୍ଭିଦ ପରିଷଦ ପକ୍ଷରୁ ଜିଲ୍ଲାରେ ଆୟୋଜିତ କଳିଙ୍ଗ ହର୍ବାଲ୍ ମେଳାକୁ ଜିଲ୍ଲାପାଳ ଗୌରବ ଶିବାଜୀ ଇଶଲ୍‌ୱାର ଶୁଭାରମ୍ଭ କରିଛନ୍ତି ।

ନବରଙ୍ଗପୁର ମହିଳା ସ୍ନାତକ ମହାବିଦ୍ୟାଳୟରେ ଜାତୀୟ ସେବା ଯୋଜନା ଓ ମାଇଁ ଭାରତ ପକ୍ଷରୁ ବିକଶିତ ଭାରତ ଯୁବ ସଂସଦ ଆୟୋଜନ ନେଇ ଏକ ସାମ୍ବାଦିକ ସମ୍ମିଳନୀ ଅନୁଷ୍ଠିତ ହୋଇଯାଇଛି । ଆସନ୍ତା ପହିଲାରୁ ଯୁବ ସଂସଦର ଆୟୋଜନ କରାଯିବ ।

ମାଲକାନଗିରି ମାଲ୍ୟବନ୍ତ ଛାତ୍ରାବାସ ପରିସରରେ ମହିଳା ଦିବସ ଉପଲକ୍ଷେ ଜିଲ୍ଲାସ୍ତରୀୟ କ୍ରୀଡ଼ା ପ୍ରତିଯୋଗିତା ଅନୁଷ୍ଠିତ ହୋଇଯାଇଛି ।

*****